# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**25 October - 2024**

**News Editor : Tapan Kumar Maharana**

*********************************

## ମୁଖ୍ୟ ସମ୍ବାଦ

- ସାମୁଦ୍ରିକ ଝଡ଼ 'ଦାନା' ଭିତରକନିକା-ଧାମରା ମଧ୍ୟରେ ସ୍ଥଳଭାଗ ଅତିକ୍ରମ ପ୍ରକ୍ରିୟା ଶେଷ ।

\- କ୍ରମଶଃ ଦୁର୍ବଳ ହୋଇ ଅବପାତରେ ପରିଣତ ହେବା ନେଇ ପାଣିପାଗ ବିଭାଗର ସୂଚନା ।

- ବାତ୍ୟା ପରବର୍ତ୍ତୀ ସ୍ଥିତି ସମୀକ୍ଷା କଲେ ମୁଖ୍ୟମନ୍ତ୍ରୀ; ସଫଳ ମୁକାବିଲା ନେଇ ରାଜ୍ୟବାସୀ ଓ ବିଭାଗୀୟ ଅଧିକାରୀଙ୍କୁ ଜଣାଇଲେ ଧନ୍ୟବାଦ ।

- କ୍ଷୟକ୍ଷତିର ଆକଳନ ସହ ୭ ଦିନରେ ରିପୋର୍ଟ ଦାଖଲ କରିବାକୁ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ରାଜସ୍ୱମନ୍ତ୍ରୀ ସୁରେଶ ପୁଜାରୀ ।

ଏବଂ

- ଦାନା ପ୍ରଭାବରେ ଅତିପ୍ରବଳ ବର୍ଷା ନେଇ ବାଲେଶ୍ୱର, ଭଦ୍ରକ ଓ କେନ୍ଦ୍ରାପଡାକୁ ପାଣିପାଗ ବିଭାଗର ସତର୍କ ସୂଚନା ।

# ବାତ୍ୟା 'ଦାନା'

ସାମୁଦ୍ରିକ ଝଡ଼ 'ଦାନା' ସ୍ଥଳଭାଗ ଅତିକ୍ରମ ପ୍ରକ୍ରିୟା ଶେଷ ହୋଇଛି । ଭାରତୀୟ ପାଣିପାଗ ବିଭାଗର ସୂଚନା ଅନୁସାରେ, ସାମୁଦ୍ରିକ ଝଡ଼ 'ଦାନା' ସନ୍ନିକଟ ଭିତରକନିକାସ୍ଥିତ ହବାଲିଖଟି ପ୍ରାକୃତିକ ଶିବିର ଏବଂ ଧାମରା ମଧ୍ୟରେ ଉତ୍ତର ଓଡ଼ିଶା ଉପକୂଳକୁ ରାତି ସାଢ଼େ ଗୋଟାଏରୁ ସାଢ଼େ ୩ଟା ମଧ୍ୟରେ ଅତିକ୍ରମ କରିବା ସହ ଉତ୍ତର ଉତ୍ତର-ପଶ୍ଚିମ ଦିଗରେ ଅଗ୍ରସର ହେଉଛି। ବର୍ତ୍ତମାନ 'ଦାନା'ର ପଶ୍ଚାତଭାଗ ସ୍ଥଳଭାଗ ମଧ୍ୟକୁ ପ୍ରବେଶ କରିଛି। ପାଣିପାଗ ବିଭାଗର ସୂଚନା ଅନୁସାରେ, ସ୍ଥଳଭାଗକୁ ଅତିକ୍ରମ କଲାପରେ ସାମୁଦ୍ରିକ ଝଡ଼ଟି ଉତ୍ତର ଓଡ଼ିଶା ମଧ୍ୟ ଦେଇ ପଶ୍ଚିମ ଉତ୍ତର-ପଶ୍ଚିମ ଦିଗରେ ଗତି କରିବା ସହ ଧୀରେ ଧୀରେ ଦୁର୍ବଳ ହେଉଛି । ବର୍ତ୍ତମାନ ଏହା ଘଣ୍ଟାପ୍ରତି ୭ କିଲୋମିଟର ବେଗରେ ଗତିକରି ଭୀଷଣ ବାତ୍ୟାଟି ବାତ୍ୟାରେ ପରିବର୍ତ୍ତିତ ହୋଇଛି। ଅପରାହ୍ନ ସୁଦ୍ଧା ବାତ୍ୟା 'ଦାନା' ଗଭୀର ଅବପାତ ଓ ପରେ ଅବପାତରେ ପରିଣତ ହେବାର ସମ୍ଭାବନା ଥିବା ନେଇ ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ନିର୍ଦ୍ଦେଶିକା ମନୋରମା ମହାନ୍ତି ସୂଚନା ଦେଇଛନ୍ତି ।

ସାମୁଦ୍ରିକ ଝଡ଼ 'ଦାନା'ର ସ୍ଥଳଭାଗ ପ୍ରବେଶ ସମୟରେ ଭିତରକନିକା ଓ ଧାମରା ନିକଟବର୍ତ୍ତୀ ସମୁଦ୍ରରେ ୧ ମିଟରରୁ ଅଧିକ ଜୁଆର ଆସିଥିଲା।

ସେହି ସମୟରେ ପବନର ବେଗ ଘଣ୍ଟାପ୍ରତି ୧୦୦ରୁ ୧୧୦ କିଲୋମିଟର ରହିଥିଲା। ସ୍ଥଳ ବିଶେଷରେ ଏହାର ତୀବ୍ରତା ଘଣ୍ଟା ପ୍ରତି ୧୨୦ କିଲୋମିଟରକୁ ବୃଦ୍ଧି ପାଇଥିଲା। ଭିତରକନିକା ଅଞ୍ଚଳରେ ଜୁଆର ପ୍ରବେଶ କରିଥିବା ଆମ ସମ୍ବାଦଦାତା ସୂଚନା ଦେଇଛନ୍ତି। ବିଭିନ୍ନ ଉପକୂଳବର୍ତ୍ତୀ ଜିଲ୍ଲାଗୁଡ଼ିକରେ ପ୍ରବଳ ବର୍ଷା ଜାରି ରହିଛି। କେନ୍ଦ୍ରାପଡ଼ା, ଭଦ୍ରକ ଏବଂ ବାଲେଶ୍ୱର ଜିଲ୍ଲା ସାମୁଦ୍ରିକ ଝଡ଼ 'ଦାନା'ରେ ପ୍ରଭାବିତ ହୋଇଛି।

ସାମୁଦ୍ରିକ ଝଡ଼ 'ଦାନା' ପ୍ରଭାବରେ ରାଜ୍ୟର ଅଧିକାଂଶ ସ୍ଥାନରେ ବର୍ଷା ସମ୍ଭାବନା ରହିଥିବା ବେଳେ ଉତ୍ତର ଉପକୂଳବର୍ତ୍ତୀ ଜିଲ୍ଲାଗୁଡ଼ିକରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ୯ଟି ଜିଲ୍ଲା ଅନୁଗୁଳ, କେନ୍ଦ୍ରାପଡ଼ା, ଜଗତସିଂହପୁର, କଟକ, ଖୋର୍ଦ୍ଧା, ଯାଜପୁର, ଭଦ୍ରକ, ଢେଙ୍କାନାଳ, ପୁରୀ ପାଇଁ ସତର୍କ ସୂଚନା ଜାରି କରାଯାଇଛି । ଏହି ସମୟ ମଧ୍ୟରେ ସମୁଦ୍ର ଅଶାନ୍ତ ରହୁଥିବାରୁ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ମଧ୍ୟକୁ ନ ଯିବାକୁ ପରାମର୍ଶ ଦିଆଯାଇଛି ।

ଆଞ୍ଚଳିକ ପାଣିପାଗ କେନ୍ଦ୍ରର ସୂଚନା ଅନୁସାରେ ଭଦ୍ରକ ଜିଲ୍ଲାର ଚାନ୍ଦବାଲିଠାରେ ୧୫୮ ଦଶମିକ ୬ ମିଲିମିଟର ବର୍ଷା ରେକର୍ଡ କରାଯାଇଥିବା ବେଳେ ବାଲେଶ୍ୱରଠାରେ ୪୨ ଦଶମିକ ୮ ମିଲିମିଟର ବର୍ଷା ରେକର୍ଡ ହୋଇଛି।

ବାତ୍ୟା ପ୍ରଭାବିତ ଜିଲ୍ଲାଗୁଡ଼ିକରେ ପୁନରୁଦ୍ଧାର କାର୍ଯ୍ୟ ଆରମ୍ଭ ହୋଇଛି। କେତେକ ସ୍ଥାନରେ ଗଛ ଉପୁଡ଼ି ପଡ଼ି ରାସ୍ତା ଅବରୋଧ ହୋଇଥିବା ଜଣାପଡ଼ିଛି। ଏନ୍‌ଡିଆର୍‌ଏଫ୍, ଓଡ୍ରାଫ୍ ଓ ଅଗ୍ନିଶମ ବାହିନୀ ପକ୍ଷରୁ ଗଛକାଟି ରାସ୍ତା ସଫା କରିବା କାର୍ଯ୍ୟ ଆରମ୍ଭ କରାଯାଉଛି ।

ସୂଚନା ଅନୁଯାୟୀ, ଗତକାଲି ମଧ୍ୟରାତ୍ରୀ ସୁଦ୍ଧା ୫ ଲକ୍ଷ ୮୪ ହଜାର ୮୮୮ ଜଣଙ୍କୁ ସୁରକ୍ଷିତ ଭାବେ ଆଶ୍ରୟସ୍ଥଳୀକୁ ସ୍ଥାନାନ୍ତର କରାଯାଇଥିବାବେଳେ ବାଲେଶ୍ୱର ଜିଲ୍ଲାର ସର୍ବାଧିକ ୧ ଲକ୍ଷ ୭୨ ହଜାର ୯୧୬ ଜଣଙ୍କୁ ବାତ୍ୟା ଆଶ୍ରୟସ୍ଥଳୀକୁ ସ୍ଥାନାନ୍ତର କରାଯାଇଥିଲା। ଅନ୍ୟପକ୍ଷରେ ୪ ହଜାର ୪୩୧ ଜଣ ଗର୍ଭବତୀ ମହିଳାଙ୍କୁ ସ୍ୱାସ୍ଥ୍ୟକେନ୍ଦ୍ର ଓ ମା' ଗୃହକୁ ସ୍ଥାନାନ୍ତରିତ କରାଯାଇଥିବା ବେଳେ ସେମାନଙ୍କ ମଧ୍ୟରୁ ୧ ହଜାର ୬୦୦ ଜଣ ମହିଳା ନବଜାତ ଶିଶୁଙ୍କୁ ଜନ୍ମ ଦେଇଛନ୍ତି। ସେଥିମଧ୍ୟରୁ ୧୩ଜଣ ମାଆ ଯାଆଁଳା ଶିଶୁ ଜନ୍ମ ଦେଇଛନ୍ତି । ସେହି ସମୟ ମଧ୍ୟରେ ୧୯ ହଜାର ୪୭୬ଟି ଗୃହପାଳିତ ପଶୁଙ୍କୁ ସୁରକ୍ଷିତ ସ୍ଥାନରେ ରଖାଯାଇଥିଲା।

ସାମୁଦ୍ରିକ ବାତ୍ୟା 'ଦାନା' ସ୍ଥଳଭାଗ ସ୍ପର୍ଶ କରିବାପରେ ବିଭିନ୍ନ ସ୍ଥାନରେ ମୁତୟନ ହୋଇଥିବା ଜାତୀୟ ବିପର୍ଯ୍ୟୟ ପରିଚାଳନା ବାହିନୀ- ଏନ୍‌ଡିଆରଏଫ୍, ଓଡ଼ିଶା ବିପର୍ଯ୍ୟୟ ପରିଚାଳନା ବାହିନୀ- ଓଡ୍ରାଫ୍, ଅଗ୍ନିଶମ ବିଭାଗ ଏବଂ ସମୁଦ୍ରରେ ମୁତୟନ ହୋଇଥିବା ନୌସେନାର

ସ୍ୱତନ୍ତ୍ର ବୁଡ଼ାଳି ଓ କାର୍ଯ୍ୟଦଳ ଉଦ୍ଧାର ଏବଂ ରିଲିଫ କାର୍ଯ୍ୟ ଆରମ୍ଭ କରିଛନ୍ତି।

## ମୁଖ୍ୟମନ୍ତ୍ରୀଙ୍କ ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ସକାଳେ ସ୍ୱତନ୍ତ୍ର ରିଲିଫ କମିଶନର କାର୍ଯ୍ୟାଳୟକୁ ଯାଇ ସାମୁଦ୍ରିକ ଘୂର୍ଣ୍ଣିଝଡ଼ ଦାନାର ସ୍ଥିତି ସମୀକ୍ଷା କରିବା ସହ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ବିଭିନ୍ନ ଜିଲ୍ଲାର ଜିଲ୍ଲାପାଳଙ୍କ ସହ ମୁଖ୍ୟମନ୍ତ୍ରୀ କଥା ହୋଇଥିଲେ । ଏହାପରେ ଶୂନ୍ୟ ଜୀବନହାନୀ ଉପରେ ରାଜ୍ୟ ସରକାର ସଫଳ ହୋଇଥିବା ନେଇ ସେ ସୂଚନା ଦେଇଛନ୍ତି । ସାମୁଦ୍ରିକ ଘୂର୍ଣ୍ଣିଝଡ଼ ଦାନାର ସଫଳ ମୁକାବିଲାକୁ ନେଇ ସବୁ ବିଭାଗକୁ ମୁଖ୍ୟମନ୍ତ୍ରୀ ପ୍ରଶଂସା କରିଛନ୍ତି । ଏହାସହ କ୍ଷୟକ୍ଷତି ଆକଳନ ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଆଜି ଦ୍ୱିପ୍ରହର ସୁଦ୍ଧା ଯେଉଁ ଅଞ୍ଚଳ ମାନଙ୍କରେ ଗଛପଡି ରାସ୍ତା ବିଚ୍ଛିନ୍ନ ହୋଇଛି ସେହି ଅଞ୍ଚଳରେ ରାସ୍ତାକାମ ତ୍ୱରାନ୍ୱିତ କରିବା ପାଇଁ ସୂଚନା ଦେଇଛନ୍ତି । ସଂଧ୍ୟାସୁଦ୍ଧା ବିଦ୍ୟୁତ୍‌ସେବାକୁ ସ୍ୱାଭାବିକ କରାଯିବ । ଏହାସହ ଅନ୍ୟାନ୍ୟ ଅତିରିକ୍ତ ସେବାକୁ ସୁଚାରୁରୂପେ ପରିଚାଳନା କରିବା ପାଇଁ ବିଭାଗଗୁଡ଼ିକୁ ନିର୍ଦ୍ଦେଶ ଦେଇଛନ୍ତି । ଗଛପଡି ରାସ୍ତା ଅବରୋଧ ହୋଇଥିବା ସ୍ଥାନରେ ଅପରାହ୍ଣ ସୁଦ୍ଧା ସଫେଇ କାର୍ଯ୍ୟ ଶେଷ କରାଯିବ । ରେଳସେବା ସ୍ୱାଭାବିକ ଭାବେ ଆରମ୍ଭ ହୋଇଥିବାବେଳେ ଭୁବନେଶ୍ୱର ଓ

ପୁରୀରୁ ନିର୍ଦ୍ଧାରିତ ସମୟରେ ରେଳ ଚଳାଚଳ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ସେହିପରି ବିମାନ ଚଳାଚଳ ଆଜି ସକାଳ ୯ଟାରୁ ଆରମ୍ଭ ହୋଇଛି । ସାମୁଦ୍ରିକ ଘୂର୍ଣ୍ଣିଝଡ଼ ସମୟରେ ୪ହଜାରରୁ ଊର୍ଦ୍ଧ୍ୱ ଗର୍ଭବତୀଙ୍କୁ ସ୍ଥାନାନ୍ତର କରାଯାଇଥିବାବେଳେ ୧୬ଶହ ଶିଶୁ ଜନ୍ମ ନେଇଥିବା ନେଇ ମୁଖ୍ୟମନ୍ତ୍ରୀ ସୂଚନା ଦେଇଛନ୍ତି । କେନ୍ଦ୍ରାପଡ଼ା ଜିଲ୍ଲା ରାଜନଗର ବ୍ଲକ ଖାସମୁଣ୍ଡା ଗାଁର ଆଶାକର୍ମୀ ଶିବାନୀ ମଣ୍ଡଳ ଜଣେ ବୃଦ୍ଧାଙ୍କୁ କାନ୍ଧରେ ବୋହି ସୁରକ୍ଷିତ ଭାବେ ବାତ୍ୟା ଆଶ୍ରୟସ୍ଥଳକୁ ନେବା ଉଦ୍ୟମକୁ ମୁଖ୍ୟମନ୍ତ୍ରୀ ପ୍ରଶଂସା କରିଛନ୍ତି ।

**- V/O -**

ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ସାମୁଦ୍ରିକ ଝଡ଼ ଦାନାର ସଫଳ ମୁକାବିଲା ନେଇ ରାଜ୍ୟବାସୀ ତଥା ବିଭିନ୍ନ ବିଭାଗକୁ ଧନ୍ୟବାଦ ଜଣାଇଛନ୍ତି । କ୍ଷୟକ୍ଷତିର ଆକଳନ ସହ ୭ ଦିନ ମଧ୍ୟରେ ରିପୋର୍ଟ ଦାଖଲ କରିବାକୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଅନ୍ୟପଟେ ସ୍ୱଳ୍ପ ଭାଙ୍ଗିଥିବା ଘରର ତୁରନ୍ତ ମରାମତି ଓ ସମ୍ପୂର୍ଣ୍ଣ ଭାଙ୍ଗିଥିବା ଘରକୁ ପକ୍କା ଘର ମିଳିବା ନେଇ ମନ୍ତ୍ରୀ ସୂଚନା ଦେଇଛନ୍ତି । ପାଗ ଅନୁକୂଳ ରହିଲେ ପ୍ରଭାବିତ ଅଞ୍ଚଳକୁ ମୁଖ୍ୟମନ୍ତ୍ରୀ ପରିଦର୍ଶନରେ ଯାଇପାରନ୍ତି ବୋଲି ରାଜସ୍ୱ ମନ୍ତ୍ରୀ ସୂଚନା ଦେଇଛନ୍ତି ।

**- V/O –**

# ବାତ୍ୟା ଦାନା-କ୍ଷୟକ୍ଷତି

ଭଦ୍ରକ ଜିଲ୍ଲା ଧାମରାରେ ଦାନା ପରେ ବର୍ଷା ଓ ପବନ ଜାରି ରହିଛି । ସାମୁଦ୍ରିକ ଘୂର୍ଣ୍ଣିଝଡ଼ର ପ୍ରଭାବରେ ବହୁ ଧାନଚାଷ ଜଳମଗ୍ନ ହୋଇଛି । ଏହାସହ ରାସ୍ତାରେ ବିଦ୍ୟୁତ୍ ଖୁଣ୍ଟ ଓ ବଡ଼ ବଡ ଗଛ ପଡିଥିବା ନେଇ ଆମ ସମ୍ବାଦଦାତା ସୂଚନା ଦେଇଛନ୍ତି । ଧାମରାର ବିଭିନ୍ନ ସ୍ଥାନକୁ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ ଏବଂ ରାଜ୍ୟ ବିପର୍ଯ୍ୟୟ ପରିଚାଳନା ଅତିରିକ୍ତ ଶାସନ ସଚିବ ତ୍ରିଲୋଚନ ମାଝି ଯାଇ ସ୍ଥିତି ସମୀକ୍ଷା କରିଛନ୍ତି ।

ଅନ୍ୟପକ୍ଷରେ କେନ୍ଦ୍ରାପଡ଼ା ଜିଲ୍ଲା ରାଜନଗର ବ୍ଲକର ଭିତରକନିକା ଜାତୀୟ ଉଦ୍ୟାନ ନିକଟସ୍ଥ ଡାଙ୍ଗମାଳରୁ ତାଳଚୁଆଁ ମଧ୍ୟରେ ଦାନା ପ୍ରଭାବରେ ଅନେକ ଗଛ ଉପୁଡିପଡି ରାସ୍ତା ଅବରୋଧ ହୋଇଛି । ଏନ୍‌ଡିଆର୍‌ଏଫ୍ ଓ ଓଡ୍ରାଫ ଦଳ ଗଛଗୁଡ଼ିକୁ କାଟି ସଫେଇ କାର୍ଯ୍ୟ ଜାରି ରଖିଛନ୍ତି । ଅନ୍ୟପଟେ ମହାକାଳପଡା ବ୍ଲକ ଓ ରାଜକନିକା ବ୍ଲକରେ ମଧ୍ୟ ଦାନାର ପ୍ରଭାବ ଦେଖିବାକୁ ମିଳିଛି । ସେହିପରି ବଗପାଟିଆରେ ଜୁଆର ପାଣି ମାଡ଼ିଯିବାରୁ ପାଖାପାଖି ୫୭୧ ପରିବାର ଜଳବନ୍ଦୀ ରହିଛନ୍ତି ।

# ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ

ବାତ୍ୟା 'ଦାନା' ପରବର୍ତ୍ତୀ ସାହାଯ୍ୟ ଓ ପୁନରୁଦ୍ଧାର କାର୍ଯ୍ୟକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆସନ୍ତା ୨୮ ତାରିଖରେ ବନ୍ଦ

ରହିବ। ଏ ନେଇ ସାଧାରଣ ଅଭିଯୋଗ ଓ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

ଯେଉଁମାନେ ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରିବା ପାଇଁ ଆସନ୍ତା ୨୮ ତାରିଖ ପାଇଁ ପଞ୍ଜୀକରଣ କରିଛନ୍ତି, ସେମାନେ ମୁଖ୍ୟମନ୍ତ୍ରୀଙ୍କର ପରବର୍ତ୍ତୀ ଅଭିଯୋଗ ଶୁଣାଣି ପାଇଁ ପୁନଃ ପଞ୍ଜୀକରଣ କରିବାର ଆବଶ୍ୟକତା ନାହିଁ । ସେମାନଙ୍କ ପାଇଁ ପରବର୍ତ୍ତୀ ଅଭିଯୋଗ ଶୁଣାଣି ତାରିଖ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

# ପାଣିପାଗ

ସାମୁଦ୍ରିକ ଘୂର୍ଣ୍ଣିଝଡ଼ ଦାନାର ସ୍ଥଳଭାଗ ଛୁଇଁବା ପ୍ରକ୍ରିୟା ଶେଷ ହେବା ସହ ବାତ୍ୟା ଦୁର୍ବଳ ହୋଇଛି । ଏହାର ପ୍ରଭାବରେ ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡା ପବନର ବେଗ ଘଣ୍ଟାପ୍ରତି ୮୦ରୁ ୯୦ କିଲୋମିଟର ସ୍ଥଳବିଶେଷରେ ବୃଦ୍ଧି ପାଇ ୧୦୦ କିଲୋମିଟର ପ୍ରତି ଘଣ୍ଟାରେ ଛୁଇଁପାରେ ବୋଲି  ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି । ଏହିସବୁ ଜିଲ୍ଲାରେ ଅତିପ୍ରବଳ ବର୍ଷା ନେଇ ରେଡ୍ ଆଲର୍ଟ ଜାରି କରାଯାଇଛି । ଏହାସହ ଯାଜପୁର, କଟକ, ଜଗତ୍‌ସିଂହପୁର, ମୟୂରଭଞ୍ଜ ଏହିସବୁ ଜିଲ୍ଲାରେ ମଧ୍ୟ ଅତିପ୍ରବଳ ବର୍ଷା ହେବା ନେଇ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି ।

ଅନ୍ୟପଟେ ପ୍ରବଳ ବର୍ଷା ନେଇ କେନ୍ଦୁଝର, ଢ଼େଙ୍କାନାଳ, ପୁରୀ, ଖୋର୍ଦ୍ଧା ଓ ନୟାଗଡ ଜିଲ୍ଲାକୁ ଅରେଞ୍ଜ ଓ୍ୱାର୍ଣ୍ଣିଂ ଜାରି କରାଯାଇଛି ।